# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

### 27 March – 2026

---

## ପବିତ୍ର ଶ୍ରୀରାମନବମୀ

ଚୈତ୍ରମାସ ଶୁକ୍ଳପକ୍ଷ ନବମୀ ତିଥିକୁ ପ୍ରଭୁ ଶ୍ରୀରାମଙ୍କ ପବିତ୍ର ଜନ୍ମ ଦିବସ ଭାବେ ଦେଶରେ ନିଷ୍ଠାର ସହ ପାଳନ କରାଯାଇଥାଏ । ରାମାୟଣର ତଥ୍ୟ ଅନୁସାରେ ନବରାତ୍ରର ଶେଷଦିନରେ କର୍କଟ ଲଗ୍ନରେ ପୁନର୍ବସୁ ନକ୍ଷତ୍ର ସମୟରେ ପଞ୍ଚଗ୍ରହ ଉଚ୍ଚସ୍ଥାନରେ ଏବଂ ସୂର୍ଯ୍ୟ ମେଷରାଶି ଉପରେ ଥିବା ମଧ୍ୟାହ୍ନ ସମୟରେ ପ୍ରଭୁ ଶ୍ରୀରାମଙ୍କର ଆବିର୍ଭାବ ହୋଇଥିଲା । ପୁରପଲ୍ଲୀଠାରୁ ଆରମ୍ଭ କରି ବିଭିନ୍ନ ସ୍ଥାନରେ ମନ୍ଦିରଗୁଡ଼ିକରେ ସ୍ୱତନ୍ତ୍ର ନୀତିକାନ୍ତି ସହ ପୂଜାର୍ଚ୍ଚନା ଚାଲିଛି ।

ପୁରୀ ଶ୍ରୀମନ୍ଦିରରେ ଶ୍ରୀରାମ ନବମୀ ଅବସରରେ ପ୍ରଭୁଙ୍କର ଜନ୍ମ ନୀତି ଅନୁଷ୍ଠିତ ହେବ । ମଧ୍ୟାହ୍ନ ଧୂପ ଭୋଗ ନୀତି ଶେଷହେବା ପରଠାରୁ ଅପରାହ୍ଣ ୫ଟାରୁ ରାତି ୧୦ଟା ପର୍ଯ୍ୟନ୍ତ ସର୍ବସାଧାରଣ ଦର୍ଶନ ବନ୍ଦ ରହିବ । ରଥଯାତ୍ରା ପାଇଁ ଆଜି ରଥକାଠ ଚିରଟ ଅନୁକୂଳ ପୂଜା କରାଯିବ।

ପୁରୀ ଶ୍ରୀକ୍ଷେତ୍ରରେ ଆଜିଠାରୁ ସାହିଯାତ ଆରମ୍ଭ ହେଉଛି । ପରମ୍ପରା ଅନୁସାରେ ରାମ, ଲକ୍ଷ୍ମଣ, ଭରତ, ଶତ୍ରୁଘ୍ନ ଓ ରୁଷ୍ୟଶୃଙ୍ଗ ଋଷି କାଳିକା ଦେବୀ ସାହିରୁ ବାହାରି ମାଟି ମଣ୍ଡପ ସାହି ପରିକ୍ରମା କରିଥାନ୍ତି । ପ୍ରଭୁ ଶ୍ରୀରାମଙ୍କ ଅଭିଷେକ ଦିନ ଏହି ଯାତ୍ରା ସଂପନ୍ନ ହୋଇଥାଏ । ଭଦ୍ରକ ନୂଆବଜାର ଗାନ୍ଧୀପଡ଼ିଆଠାରେ ଥିବା ରାମ ମନ୍ଦିରରେ ଶ୍ରୀରାମ ନବମୀ ମହୋତ୍ସବ ଓ ଯଜ୍ଞ

ଚାଲିଛି । ନେହରୁ ଷ୍ଟାଡିୟମ୍‌ଠାରୁ ସଂକୀର୍ତ୍ତନ ଶୋଭାଯାତ୍ରା ବାହାରି ସହର ପରିକ୍ରମା କରିବ ବୋଲି ଆମ ସମ୍ବାଦଦାତା ଜଣାଇଛନ୍ତି ।

## ପ୍ରଧାନମନ୍ତ୍ରୀଙ୍କ ବୈଠକ

ମଧ୍ୟପ୍ରାଚ୍ୟରେ ଲାଗିରହିଥିବା ଯୁଦ୍ଧ ଓ ଭାରତ ଉପରେ ଏହାର ପ୍ରଭାବ ସଂପର୍କରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଆଜି ଅପରାହ୍ନରେ ମୁଖ୍ୟମନ୍ତ୍ରୀମାନଙ୍କ ସହ ଆଭାସୀ ମାଧ୍ୟମରେ  ଆଲୋଚନା କରିବେ । ତୈଳ ଯୋଗାଣ ସମସ୍ୟାର ସୁପରିଚାଳନା, ଶକ୍ତି ସୁରକ୍ଷାକୁ ନିଶ୍ଚିତ କରାଇବା ଏବଂ ରନ୍ଧନ ଗ୍ୟାସ୍ ଓ ଅନ୍ୟାନ୍ୟ ଅତ୍ୟାବଶ୍ୟକ ସାମଗ୍ରୀର ଉପଲବ୍ଧତା ସଂପର୍କରେ ପ୍ରଧାନମନ୍ତ୍ରୀ ଆଲୋଚନା କରିବେ ବୋଲି ଜଣାପଡ଼ିଛି ।

## ମୁଖ୍ୟମନ୍ତ୍ରୀ-ସମୀକ୍ଷା ବୈଠକ

ମଧ୍ୟପ୍ରାଚ୍ୟରେ ଦେଖାଦେଇଥିବା ଯୁଦ୍ଧ ପରିସ୍ଥିତି ଯୋଗୁଁ ରାଜ୍ୟରେ ଦେଖାଦେଇଥିବା ଅତ୍ୟାବଶ୍ୟକ ଦ୍ରବ୍ୟର କୃତ୍ରିମ ଅଭାବ ଜନିତ ସମସ୍ୟାର ମୁକାବିଲା ସଂପର୍କରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଲୋକସେବା ଭବନରେ ଗତକାଲି ଏକ ସମୀକ୍ଷା ବୈଠକ କରିଛନ୍ତି। ବୈଠକରୁ ମିଳିଥିବା ସୂଚନା ଅନୁସାରେ  ରାଜ୍ୟରେ ଆବଶ୍ୟକତା ଅନୁଯାୟୀ ପେଟ୍ରୋଲ, ଗ୍ୟାସ୍ ଓ ଅନ୍ୟାନ୍ୟ ସାମଗ୍ରୀ ମହଜୁଦ ଅଛି । ରନ୍ଧନଗ୍ୟାସର କୃତ୍ରିମ ଅଭାବ ଜନିତ ସମସ୍ୟା ପ୍ରତିହତ କରିବା  ଏବଂ ଅସାଧୁ ବ୍ୟବସାୟୀଙ୍କ ବିରୁଦ୍ଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ନେବା ପାଇଁ ମୁଖ୍ୟମନ୍ତ୍ରୀ

ନିର୍ଦ୍ଦେଶ ଦେଇଛନ୍ତି । ରବିଋତୁ ପାଇଁ ଯଥେଷ୍ଟ ସାର ମହଜୁଦ ରଖିବାକୁ ମୁଖ୍ୟମନ୍ତ୍ରୀ କହିଛନ୍ତି ।

## ସ୍ଥଳସେନା ମୁଖ୍ୟଙ୍କ ଗସ୍ତ

ଭାରତୀୟ ସ୍ଥଳସେନା ମୁଖ୍ୟ ଉପେନ୍ଦ୍ର ଦ୍ୱିବେଦୀ ଆଜିଠାରୁ ୩ ଦିନିଆ ଓଡ଼ିଶା ଗସ୍ତରେ ଆସିବେ । ଆସନ୍ତାକାଲି ପୁରୀ ଗସ୍ତ କରି ଶ୍ରୀଜୀଉଙ୍କୁ ଦର୍ଶନ କରିବାର କାର୍ଯ୍ୟସୂଚୀ ରହିଛି । ଗସ୍ତ ସମୟରେ ଶ୍ରୀ ଦ୍ୱିବେଦୀ ଭୁବନେଶ୍ୱରସ୍ଥିତ ଓ୍ୱାନ୍ ଟ୍ୱେଣ୍ଟି ବାଲାଟିୟନ୍ ଏବଂ ଗଞ୍ଜାମ ଜିଲ୍ଲା ଗୋପାଳପୁରସ୍ଥିତ ଆର୍ମି ଏୟାର ଡିଫେନ୍ସ କଲେଜରେ ଆୟୋଜିତ ସ୍ୱତନ୍ତ୍ର କାର୍ଯ୍ୟକ୍ରମରେ ଯୋଗଦେବେ ବୋଲି ଜଣାପଡ଼ିଛି ।

## ମନ କୀ ବାତ୍

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଆସନ୍ତା ରବିବାର ୨୯ ତାରିଖ ପୂର୍ବାହ୍ନ ୧୧ଟା ସମୟରେ ଆକାଶବାଣୀର ମନ୍ କି ବାତ୍ କାର୍ଯ୍ୟକ୍ରମରେ ଦେଶବାସୀଙ୍କ ସହ ଭାବ ବିନିମୟ କରିବେ। ଏହା ମନ୍ କି ବାତ'ର ୧୩୨ତମ ସଂସ୍କରଣ ହେବ। କାର୍ଯ୍ୟକ୍ରମ ଆକାଶବାଣୀ ଓ ଦୂରଦର୍ଶନର ସମସ୍ତ କେନ୍ଦ୍ର, ଆକାଶବାଣୀ ସମ୍ବାଦ ଓ୍ୱେବ୍‌ସାଇଟ୍ ଓ ନ୍ୟୁଜ୍ ଅନ୍ ଏ.ଆଇ.ଆର୍. ମୋବାଇଲ୍ ଆପ୍‌ରେ ଉପଲବ୍ଧ ହେବ।

ପ୍ରଧାନମନ୍ତ୍ରୀଙ୍କର ସମ୍ବୋଧନ ପରେ ଆଞ୍ଚଳିକ ଭାଷାରେ ମନ୍ କୀ ବାତ୍ କାର୍ଯ୍ୟକ୍ରମ ପ୍ରସାରଣ କରାଯିବ। ଆଞ୍ଚଳିକ ଭାଷାରେ ଏହାର ଭାଷାନ୍ତର ପୁଣିଥରେ ରାତି ୮ଟାରେ ପ୍ରସାରଣ କରାଯିବ।

## ବିଶ୍ୱ ନାଟ୍ୟ ଦିବସ

ନାଟକର ମୂଲ୍ୟ ଏବଂ ସମାଜରେ ତା'ର ପ୍ରଭାବକୁ ଉଜ୍ଜୀବିତ କରିବା ନେଇ ଆଜି ବିଶ୍ୱ ନାଟ୍ୟ ଦିବସ ପାଳନ କରାଯାଉଛି। ଆନ୍ତର୍ଜାତିକ ଥିଏଟର୍ ପ୍ରତିଷ୍ଠାନ ପକ୍ଷରୁ ୧୯୬୧ ମସିହାରୁ ଏହି ଦିବସ ପାଳନ କରାଯାଇଆସୁଛି। ଶାନ୍ତି ଏବଂ ସଂସ୍କୃତି ବିଷୟରେ ଲୋକଙ୍କୁ ସଚେତନ କରାଇବାର ବାର୍ତ୍ତା ନେଇ ବିଶ୍ୱ ନାଟ୍ୟ ଦିବସ ପାଳନ କରାଯାଇଥାଏ।

ନାଟ୍ୟ ଦିବସ ଅବସରରେ ରାଜ୍ୟର ବିଭିନ୍ନ ସ୍ଥାନରେ ନାଟ୍ୟାନୁଷ୍ଠାନ ପକ୍ଷରୁ ଆଲୋଚନାଚକ୍ର, ନାଟକ ପରିବେଷଣ ଏବଂ ନାଟ୍ୟକାର ସମ୍ମାନ ସମାରୋହର ଆୟୋଜନ କରାଯାଉଛି।

## ଲିଙ୍ଗରାଜ ମହୋତସବ

ମହାପ୍ରଭୁ ଶ୍ରୀଲିଙ୍ଗରାଜଙ୍କର ରୁକୁଣା ରଥଯାତ୍ରା ଉପଲକ୍ଷେ ୬ଦିନିଆ ଲିଙ୍ଗରାଜ ମହୋତ୍ସବ ଭୁବନେଶ୍ୱରଠାରେ ଆରମ୍ଭ ହୋଇଛି। ବାଚସ୍ପତି ସୁରମା ପାଢ଼ୀ ଏହି ମହୋତ୍ସବକୁ ଉଦ୍‌ଘାଟନ କରିଥିଲେ । କାର୍ଯ୍ୟକ୍ରମରେ ବହୁ ବିଶିଷ୍ଟ ବ୍ୟକ୍ତି ଏବଂ ବରିଷ୍ଠ ସାମ୍ବାଦିକମାନେ ଯୋଗଦେଇଥିଲେ ।

---

## ମାଟିଯାତ୍ରା

ନବରଙ୍ଗପୁର ଜିଲ୍ଲାର ଗ୍ରାମାଞ୍ଚଳରେ ମାଟିଯାତ୍ରା-ବିହନ ଯାତ୍ରା ଆରମ୍ଭ ହୋଇଛି । ଫାଲଗୁନ ମାସର ଶେଷ ସମୟରେ କିମ୍ବା ଚୈତ୍ରମାସ ପ୍ରାରମ୍ଭରେ ଚାଷୀମାନେ ମାଟିଯାତ୍ରା ପାଳନ କରିଥାନ୍ତି । ଅଧିକ ଅମଳ ଓ

ଫସଲକୁ ରୋଗପୋକ ଦାଉରୁ ରକ୍ଷା କରିବା ପାଇଁ ମାଟିଗୁଡ଼ି ପୀଠକୁ ଯାଇ ଚାଷୀମାନେ ପାରମ୍ପରିକ ପୂଜାର୍ଚ୍ଚନା କରିଥାନ୍ତି ।

## ଆର୍ଥିକ ସାକ୍ଷରତା

କଳାହାଣ୍ଡି ଜିଲ୍ଲା ଭବାନୀପାଟଣା ଶାସ୍ତ୍ରୀଜୀ ମହିଳା ମହାବିଦ୍ୟାଳୟଠାରେ ଜିଲ୍ଲା ପ୍ରଶାସନ ଓ ଡାକସେବା ବିଭାଗ ତରଫରୁ ଆର୍ଥିକ ସାକ୍ଷରତା ଓ ଅନ୍ତର୍ଭୁକ୍ତୀକରଣ ଶିବିର ଅନୁଷ୍ଠିତ ହୋଇଯାଇଛି । ଶିବିରରେ ସ୍ୱଳ୍ପ ସଂଚୟ,ଆର୍ଥିକ ସାକ୍ଷରତା ଓ ସାଇବର ଅପରାଧ ସଂପର୍କରେ ଛାତ୍ରଛାତ୍ରୀମାନଙ୍କୁ ସଚେତନ କରାଯାଇଥିଲା ।

## ପାଣିପାଗ

ରାଜ୍ୟର ଉତ୍ତରଭାଗ ସଂଲଗ୍ନ ଦକ୍ଷିଣ ଗାଙ୍ଗେୟ ପଶ୍ଚିମବଙ୍ଗ ଉପରେ ଏକ ଘୂର୍ଣ୍ଣିବଳୟ ସମୁଦ୍ର ପତ୍ତନଠାରୁ ଦେଢ଼କିଲୋମିଟର ପର୍ଯ୍ୟନ୍ତ ବ୍ୟାପିଛି ।ଏହାର ପ୍ରଭାବରେ ରାଜ୍ୟର ବିଭିନ୍ନ ସ୍ଥାନରେ ଘଡ଼ଘଡ଼ି ସହ କୁଆପଥର ବର୍ଷା ହେଉଛି । ଆସନ୍ତା ବୁଧବାର ପର୍ଯ୍ୟନ୍ତ କେତେକ ସ୍ଥାନରେ କାଳବୈଶାଖୀ ସ୍ଥିତି ଲାଗି ରହିବ ବୋଲି ଭୁବନେଶ୍ୱରସ୍ଥିତ ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ର ପକ୍ଷରୁ କୁହାଯାଇଛି । ବାଲେଶ୍ୱର, ମୟୂରଭଞ୍ଜ, କେନ୍ଦୁଝର, ଭଦ୍ରକ ଓ ଗଞ୍ଜାମ ଜିଲ୍ଲାରେ କାଳବୈଶାଖୀର ପ୍ରଭାବ ଆଜି ରହିଥିବା ନେଇ ସୂଚନା ଦିଆଯାଇଛି ।

କାଳବୈଶାଖୀ ପ୍ରଭାବ ଥିଲେ ମଧ୍ୟ ଦିନର ତରପମାତ୍ରା ବୃଦ୍ଧି ପାଉଛି । ପଶ୍ଚିମ ଓଡ଼ିଶାର ପ୍ରମୁଖ ସହରଗୁଡ଼ିକରେ ଗତକାଲି ତାପମାତ୍ରା ୩୮ ଡିଗ୍ରୀରୁ

ଅଧିକ ରହିଥିଲା । ଆସନ୍ତା ସପ୍ତାହରେ  ତାପମାତ୍ରା ୨ରୁ ୩ ଡିଗ୍ରୀ ହ୍ରାସ ପାଇବ ବୋଲି ପାଣିପାଗ କେନ୍ଦ୍ର ପକ୍ଷରୁ ସୂଚନା ଦିଆଯାଇଛି ।

.............................................................................................